ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/SME(Od)/250/24-02-2024**

## ଛାତ୍ରଛାତ୍ରୀଙ୍କୁ ଚାପମୁକ୍ତ କରିବା ପାଇଁ 'ଟେଲିମାନସ' ସେବା

- ୧୪୪୧୬ ନମ୍ବରରେ କଲ୍ କରି ଛାତ୍ରଛାତ୍ରୀ ନେଇ ପାରିବେ ସହାୟତା
- ସ୍ୱାସ୍ଥ୍ୟ ବିଭାଗ ଏବଂ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ମିଳିତ ପ୍ରୟାସ

ଭୁବନେଶ୍ୱର,୨୪/୦୨/୨୦୨୪:

ରାଜ୍ୟରେ ଏବେ ମାଟ୍ରିକ ପରୀକ୍ଷା ଚାଲୁଥିବାବେଳେ ଆଗାମୀ ଦିନରେ ଅନ୍ୟ ଛାତ୍ରଛାତ୍ରୀଙ୍କ ପରୀକ୍ଷା ଆରମ୍ଭ ହେବାକୁ ଯାଉଛି । ପରୀକ୍ଷା ସମୟରେ ଛାତ୍ରଛାତ୍ରୀଙ୍କୁ ଚାପମୁକ୍ତ କରିବା ପାଇଁ ସ୍ୱାସ୍ଥ୍ୟ ବିଭାଗ ଏବଂ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ମିଳିତ ପଦକ୍ଷେପ ଗ୍ରହଣ କରାଯାଇଛି । ଚାପଗ୍ରସ୍ତ ଛାତ୍ରଛାତ୍ରୀଙ୍କ ପାଇଁ ଆରମ୍ଭ ହୋଇଛି 'ଟେଲି ମାନସ' ସେବା, ବିଭାଗ ପକ୍ଷରୁ ଏକ ଟୋଲ ଫ୍ରୀ ନମ୍ବର ୧୪୪୧୬ ଜାରି କରାଯାଇଛି । ପରୀକ୍ଷା ସମୟରେ ପିଲାମାନେ ଚାପ ଓ ଚିନ୍ତାରେ ରହିଥାନ୍ତି । ଏ ଦିଗରେ ସଚେତନତା ବୃଦ୍ଧି କରିବା ପାଇଁ ଏପରି ପଦକ୍ଷେପ ନିଆଯାଇଛି । ପରୀକ୍ଷା ସମୟରେ ଚାପଗ୍ରସ୍ତ ଥିଲେ ଏହି ଟୋଲ ଫ୍ରୀ ନମ୍ବରରେ ଫୋନ୍ କରି ଛାତ୍ରଛାତ୍ରୀ ଏବଂ ଅଭିଭାବକ ବିଶେଷଜ୍ଞଙ୍କ ମତାମତ ନେଇ ସେମାନଙ୍କ ଦ୍ୱନ୍ଦ୍ୱ ଦୂର କରିପାରିବେ ।

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ